## ଅମର ସିଂହଙ୍କ ବିୟୋଗରେ ମୁଖ୍ୟମନ୍ତ୍ରୀଙ୍କ ଶୋକ

ଭୁବନେଶ୍ବର,୧।୮/ଏନ୍ଏନ୍ଏସ୍: ବରିଷ୍ଠ ରାଜନେତା ତଥା ରାଜ୍ୟସଭା ସାଂସଦ ଅମର ସିଂହଙ୍କ ବିୟୋଗରେ ମୁଖ୍ୟମନ୍ତ୍ରୀ ନବୀନ ପଟ୍ଟନାୟକ ଗଭୀର ଶୋକ ପ୍ରକାଶ କରିଛନ୍ତି। ମୁଖ୍ୟମନ୍ତ୍ରୀ ଟ୍ୱିଟ୍ କରି କହିଛନ୍ତି ଯେ ରାଜ୍ୟସଭା ସାଂସଦ ଅମର ସିଂହଙ୍କ ବିୟୋଗ ଖବର ପାଇ ସେ ଦୁଃଖିତ। ଶୋକସନ୍ତପ୍ତ ପରିବାର ପ୍ରତି ସମବେଦନା ଜଣାଇବା ସହ ତାଙ୍କର ଅମର ଆତ୍ମାର ସଦ୍‌ଗତି କାମନା କରୁଛି ବୋଲି ସେ ଟ୍ୱିଟ୍‌ରେ ଉଲ୍ଲେଖ କରିଛନ୍ତି।

ନିତିଦିନ NITIDIN Sun, Aug 2, 2020
http://odishanewsnitidin.com